# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 14 April - 2025

*********************************

## ମୁଖ୍ୟ ସମ୍ବାଦ

- ରାଜ୍ୟରେ ଭକ୍ତି ଓ ଶ୍ରଦ୍ଧାର ସହ ପାଳନ କରାଯାଉଛି ପବିତ୍ର ମହାବିଷୁବ ସଂକ୍ରାନ୍ତୀ ଏବଂ ହନୁମାନ ଜୟନ୍ତୀ
- ସମ୍ବିଧାନ ପ୍ରଣେତା ତଥା ସମାଜ ସଂସ୍କାରକ ବାବା ସାହେବ ଆମ୍ବେଦକରଙ୍କର ଜୟନ୍ତୀ ଅବସରରେ ଦେଶବାସୀ ଦେଲେ ବିନମ୍ର ଶ୍ରଦ୍ଧାଞ୍ଜଳି
- ଉତ୍କଳ ଦିବସରୁ ଆରମ୍ଭ ହୋଇଥିବା ଓଡ଼ିଆ ପକ୍ଷ ଆଜି ଉଦ୍‌ଯାପିତ

ଏବଂ

- ରାଜ୍ୟର ଉପକୂଳ ଓ ଆଭ୍ୟନ୍ତରୀଣ ଅଂଚଳରେ କାଳବୈଶାଖୀ ପ୍ରଭାବରେ ବଜ୍ରପାତ ଓ ବର୍ଷା ସମ୍ଭାବନା

***All PTC***

# ମହାବିଷୁବ ସଂକ୍ରାନ୍ତି

ଆଜି ହେଉଛି ପବିତ୍ର ମହାବିଷୁବ ସଂକ୍ରାନ୍ତି । ବସନ୍ତ ଋତୁ ଶେଷ ହୋଇ ଗ୍ରୀଷ୍ମଋତୁ ଆଜିଠାରୁ ଆରମ୍ଭ ହେଉଛି । ଆଜିଠାରୁ ସୂର୍ଯ୍ୟଙ୍କ ତାପ ବଢ଼ିଥାଏ ଏବଂ ବାୟୁର ଗତି ମଧ୍ୟ ପ୍ରଖର ହୋଇଥାଏ । ଆଜି ଦିନକୁ ପଣାସଂକ୍ରାନ୍ତି ଭାବେ ମଧ୍ୟ ପାଳନ କରାଯାଇଥାଏ । ଓଡ଼ିଆ ପାଞ୍ଜି ହିସାବରେ ମହାବିଷୁବ ସଂକ୍ରାନ୍ତିକୁ ବର୍ଷର ପ୍ରଥମ ଦିନ ଭାବେ ପାଳନ କରାଯାଇଥାଏ । ବିଷୁବ ସଂକ୍ରାନ୍ତିରେ ଦଣ୍ଡଯାତ୍ରା, ଚଡ଼କ ପର୍ବ, ଝାମୁଯାତ୍ରା, ହିଙ୍ଗୁଳା ଯାତ୍ରା ଏବଂ ପାଟୁଆ ଯାତ୍ରା ଉଦ୍‌ଯାପିତ ହୋଇଥାଏ । ଏହି ଅବସରରେ ଘରେ ଘରେ ଦେବଦେବୀଙ୍କ ପାଖରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା କରାଯାଉଛି । ପ୍ରଭୁ ଶ୍ରୀରାମଙ୍କ ପରମ ଭକ୍ତ ଶ୍ରୀଶ୍ରୀହନୁମାନଙ୍କର ମଧ୍ୟ ଆଜି ଜୟନ୍ତୀ । ଅଗ୍ନି ଓ ବାୟୁର ପ୍ରକୋପରୁ ରକ୍ଷା ପାଇବା ପାଇଁ ଏହି ପବିତ୍ର ଦିନରେ ପ୍ରଭୁ ହନୁମାନଙ୍କର ପୂଜା କରାଯାଇଥାଏ । ଦେଶରେ ପ୍ରଭୁ ଶ୍ରୀଶ୍ରୀହନୁମାନଙ୍କର ଜୟନ୍ତୀକୁ ଭକ୍ତିଭାବରେ ହନୁମାନ ଚାଳିଶା ପାଠ ସହିତ ଆନନ୍ଦ ଉଲ୍ଲାସର ସହ ପାଳନ କରାଯାଉଛି । ମହାବିଷୁବ ସଂକ୍ରାନ୍ତୀକୁ ନେଇ ଛତ୍ରପୁରର ଶିକ୍ଷାବିତ୍ ବ୍ରଜ ମୋହନ ଆଚାର୍ଯ୍ୟ ଆକାଶବାଣୀକୁ କହିଛନ୍ତି...

**- V/O -**

ଓଡ଼ିଆ ନବବର୍ଷ ପାଳନ ଅବସରରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ରାଜ୍ୟବାସୀ ତଥା ଦେଶ ବାହାରେ ରହୁଥିବା ଓଡ଼ିଆ ଲୋକମାନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

ବାଲେଶ୍ୱର ଜିଲ୍ଲାର ରେମୁଣା ବ୍ଲକ ପରିସରରେ ଆୟୋଜିତ ଓଡ଼ିଆ ପକ୍ଷ ପାଳନ କାର୍ଯ୍ୟକ୍ରମରେ ସରକାରୀ ଦଳର ଉପମୁଖ୍ୟ ସଚେତକ ଗୋବିନ୍ଦ ଚନ୍ଦ୍ର ଦାସ ଯୋଗଦେଇ ଓଡ଼ିଆ ଭାଷା, ସାହିତ୍ୟ, ସଂସ୍କୃତି ଓ ପରମ୍ପରାକୁ ଉଜ୍ଜୀବିତ କରି ରଖିବା ନିମନ୍ତେ ସମସ୍ତ ଉଦ୍ୟମ କରିବା ଆବଶ୍ୟକ ବୋଲି କହିଛନ୍ତି।

ଭଦ୍ରକଠାରେ ଜିଲ୍ଲା ପ୍ରଶାସନ ଏବଂ ପୌରପାଳିକା ପକ୍ଷରୁ ମଠସାହିଠାରେ ଆୟୋଜିତ ନବବର୍ଷ ପାଳନ ଅବସରରେ ଝୋଟିଚିତା, ମୁରୁଜ, ପିଠାପଣା, ହୁଳହୁଳି ପ୍ରତିଯୋଗିତା ଅନୁଷ୍ଠିତ ହୋଇଛି। ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟ କାର୍ଯ୍ୟକ୍ରମରେ ଯୋଗଦେଇ ଓଡ଼ିଆ ସଂସ୍କୃତି ଓ ପରମ୍ପରାକୁ ବଜାୟ ରଖିବା ଲାଗି ସମସ୍ତଙ୍କୁ ପରାମର୍ଶ ଦେଇଛନ୍ତି।

ସୁବର୍ଣ୍ଣପୁର ଜିଲ୍ଲାରେ ମହାବିଷୁବ ସଂକ୍ରାନ୍ତୀ ଓ ଦଣ୍ଡଯାତ୍ରାର ମେରୁପର୍ବ ଆଜି ଦେବାଳୟମାନଙ୍କରେ ପାରମ୍ପରିକ ରୀତିନୀତିରେ ପାଳିତ ହୋଇଯାଇଛି। ସୁବର୍ଣ୍ଣପୁରର ଅଷ୍ଟହନୁମାନ ମନ୍ଦିରରେ ପୂଜାର୍ଚ୍ଚନା ସହିତ ଭକ୍ତମାନେ ଭବ୍ୟ ଶୋଭାଯାତ୍ରାରେ ସହର ପରିକ୍ରମା କରିଥିଲେ।

*Puri*

## ଶ୍ରୀମନ୍ଦିର– ବିଶେଷ ନୀତିକାନ୍ତି

ପଣା ସଂକ୍ରାନ୍ତୀ ଅବସରରେ ଆଜି ପୁରୀ ଶ୍ରୀମନ୍ଦିରରେ ବିଶେଷ ନୀତିକାନ୍ତି ଅନୁଷ୍ଠିତ ହୋଇଛି। ସକାଳ ଧୂପ ପରେ ଶ୍ରୀଜଗନ୍ନାଥଙ୍କ ବାଡ଼ରୁ ଆଜ୍ଞାମାଳ ବିଭିନ୍ନ ମହାବୀରଙ୍କ ନିକଟକୁ ବିଜେ କରାଯାଇଥିଲା। ଶ୍ରୀମନ୍ଦିର ଚାରିକରରେ ଥିବା ମହାବୀରଙ୍କ ଛଡ଼ା ଶ୍ରୀଜଗନ୍ନାଥ ବଲ୍ଲଭ ଓ ଦରିଆ ମହାବୀରଙ୍କ ନିକଟରେ ମଧ୍ୟ ଆଜ୍ଞାମାଳ ବିଜେ କରାଯାଇଛି। ଶ୍ରୀମନ୍ଦିର ଦକ୍ଷିଣ ଦ୍ୱାର ନିକଟରେ ଥିବା କାନପତା ହନୁମାନ ମନ୍ଦିରଠାରେ ଭକ୍ତଙ୍କର ସମାଗମ ପରିଲକ୍ଷିତ ହୋଇଛି। ମହାବୀରଙ୍କୁ ଆଜି ନାଗାର୍ଜୁନ ବେଶରେ ସଜ୍ଜିତ କରାଯାଇଛି।

*All PTC*

## ଆମ୍ବେଦ୍‌କର ଜୟନ୍ତୀ

ଭାରତୀୟ ସମ୍ବିଧାନ ପ୍ରଣେତା ଡକ୍ଟର ବାବାସାହେବ ଭୀମରାଓ ଆମ୍ବେଦକରଙ୍କ ଆଜି ୧୩୪ତମ ଜୟନ୍ତୀ ଅବସରରେ ଦେଶ ଶ୍ରଦ୍ଧାସୁମନ ଅର୍ପଣ କରୁଛି । ୧୮୯୧ ମସିହା ଆଜିର ଦିନରେ ବାବାସାହେବ ମହାରାଷ୍ଟ୍ରରେ ଜନ୍ମଗ୍ରହଣ କରିଥିଲେ । ବାବାସାହେବଙ୍କ ଦ୍ୱାରା ପ୍ରଣିତ ସମ୍ବିଧାନ ୧୯୫୦ ମସିହା ଜାନୁୟାରୀ ୨୬ ତାରିଖରେ ଦେଶରେ ଲାଗୁ ହୋଇଥିଲା । ଡକ୍ଟର ଆମ୍ବେଦକର ସ୍ୱାଧୀନ ଭାରତର ପ୍ରଥମ ଆଇନ ମନ୍ତ୍ରୀ ଥିଲେ । ଦଳିତ ଏବଂ ପଛୁଆବର୍ଗର ଲୋକମାନଙ୍କର ସ୍ୱାର୍ଥରକ୍ଷା ଏବଂ ସ୍ୱାଭିମାନ ପାଇଁ ବାବାସାହେବଙ୍କର ଅବଦାନ ଅତୁଳନୀୟ । ଏହି ମହାନ୍

ନେତାଙ୍କର ଦେଶପ୍ରେମ ଏବଂ ପଛୁଆବର୍ଗର ଲୋକମାନଙ୍କର ଉତ୍ଥାନ ପାଇଁ ନେଇଥିବା ବଳିଷ୍ଠ ପଦକ୍ଷେପ ସ୍ୱରୂପ ୧୯୯୦ ମସିହାରେ ତାଙ୍କୁ ମରଣୋତ୍ତର ଭାବେ ଭାରତରତ୍ନ ପୁରସ୍କାର ପ୍ରଦାନ କରାଯାଇଥିଲା । ଦେଶ ଏବଂ ରାଜ୍ୟର ସବୁ ସ୍ତରରେ ଆଜି ବାବାସାହେବଙ୍କର ଜୟନ୍ତୀ ପାଳନ କରାଯାଉଛି ।

ଏହି ଅବସରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ, ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ପ୍ରମୁଖ ଭୁବନେଶ୍ୱର ଏଜି ଛକରେ ଥିବା ବାବା ସାହେବ ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରି ତାଙ୍କର ସ୍ମୃତିଚାରଣ କରିଛନ୍ତି। ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ' ବାବା ସାହେବଙ୍କୁ ଜଣେ ସମାଜ ସଂସ୍କାରକ, ଆଇନଜ୍ଞ, ଅର୍ଥନୀତିଜ୍ଞ ଓ ରାଷ୍ଟ୍ର ନିର୍ମାତା ଭାବେ ବର୍ଣ୍ଣନା କରିବା ସହ ଦେଶ ଗଠନରେ ତାଙ୍କର ତ୍ୟାଗର ସ୍ମୃତିଚାରଣ କରିଛନ୍ତି।

ନବରଙ୍ଗପୁରର ରାଜା ଚୈତନ୍ୟ ଦେବ ନୋଡାଲ ଉଚ୍ଚବିଦ୍ୟାଳୟ ସମ୍ମିଳନୀ ଗୃହରେ ଅତିରିକ୍ତ ଜିଲ୍ଲାପାଳ ବିଶ୍ୱଜିତ ବର୍ମନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଜିଲ୍ଲାସ୍ତରୀୟ ଆମ୍ବେଦକର ଜୟନ୍ତୀ ଉତ୍ସବରେ ବିଶିଷ୍ଟ ବ୍ୟକ୍ତିମାନେ ଯୋଗଦେଇ ଡକ୍ଟର ଆମ୍ବେଦକରଙ୍କ ସ୍ମୃତିଚାରଣ କରିବା ସହ ତାଙ୍କର ଆଦର୍ଶ ଓ ଜୀବନୀକୁ ଆଗାମୀ ପିଢ଼ି ଅନୁସରଣ କରିବା ପାଇଁ ମତପ୍ରକାଶ କରିଥିଲେ।

କେନ୍ଦ୍ରାପଡ଼ା ପୁରୁଣା ମଟର ଷ୍ଟାଣ୍ଡ ନିକଟରେ ଥିବା ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ ଅତିରିକ୍ତ ଜିଲ୍ଲାପାଳ ନିଲୁ ମହାପାତ୍ର ପୁଷ୍ପମାଲ୍ୟ ଅର୍ପଣ କରି ତାଙ୍କର ସ୍ମୃତିଚାରଣ କରିଛନ୍ତି।

ରାୟଗଡ଼ାଠାରେ ସୂଚନା ଓ ଲୋକ ସମ୍ପର୍କ ବିଭାଗ ପକ୍ଷରୁ ଆୟୋଜିତ ଜିଲ୍ଲାସ୍ତରୀୟ ଆମ୍ବେଦକର ଜୟନ୍ତୀ ଉତ୍ସବରେ ଅତିରିକ୍ତ ଜିଲ୍ଲାପାଳ ନବୀନ ଚନ୍ଦ୍ର ନାୟକ ଯୋଗଦେଇ ତାଙ୍କ ପ୍ରତିମୂର୍ତ୍ତିରେ ପୁଷ୍ପମାଲ୍ୟ ଅର୍ପଣ କରିଛନ୍ତି। ଜିଲ୍ଲାର ମୁନିଗୁଡ଼ା, ବିଷମ କଟକ, କାଶୀପୁର, ଗୁଣୁପୁର, କେକେପୁର ଆଦି ସ୍ଥାନରେ ଆମ୍ବେଦକର କମିଟି ପକ୍ଷରୁ ସଭା ଓ ଶୋଭାଯାତ୍ରା ଆୟୋଜନ କରାଯାଇଛି।

କୋରାପୁଟ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଥିବା ଆମ୍ବେଦକରଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ଏହି ଅବସରରେ ବିଏସ୍ଏଫ୍ କୋରାପୁଟ ପକ୍ଷରୁ ଆଜି ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିରର ଆୟୋଜନ କରାଯାଇଥିଲା। ଡି.ଆଇ.ଜି. ସତ୍ୟବାନ ଖାନ୍ଚିଙ୍କ ତତ୍ତ୍ୱାବଧାନରେ ହୋଇଥିବା ରକ୍ତଦାନ ଶିବିରରେ ବିଏସ୍ଏଫ୍ର କର୍ମଚାରୀ ଏବଂ ସ୍ଥାନୀୟ ଲୋକମାନେ ସ୍ୱେଚ୍ଛାକୃତ ରକ୍ତଦାନ କରିଥିଲେ। ଏହାବ୍ୟତୀତ ଜିଲ୍ଲା ପ୍ରଶାସନ ପକ୍ଷରୁ ଆୟୋଜିତ ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀମାନଙ୍କୁ ଜିଲ୍ଲାପାଳ ପୁରସ୍କାର ପ୍ରଦାନ କରିଥିଲେ।

ସମ୍ବଲପୁର ମୁଦିପଡ଼ା ଛକରେ ଥିବା ବାବା ସାହେବଙ୍କ ପ୍ରତିମୂର୍ତ୍ତିରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଆଜି ମାଲ୍ୟାର୍ପଣ କରିଛନ୍ତି। ଶ୍ରୀ ପ୍ରଧାନ କବରାପାଲି ଗସ୍ତ କରି ହନୁମାନ ଜୟନ୍ତୀ କାର୍ଯ୍ୟକ୍ରମରେ ଭାଗ ନେବେ।

ମାଲକାନଗିରି ଜିଲ୍ଲା ପ୍ରଶାସନ ପକ୍ଷରୁ ଆୟୋଜିତ ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ ଡକ୍ଟର ଆମ୍ବେଦକରଙ୍କର ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରି ତାଙ୍କର ସ୍ତୁତିଚାରଣ କରିଥିଲେ।

ନୂଆପଡ଼ାଠାରେ ଜିଲ୍ଲାସ୍ତରୀୟ ଆମ୍ବେଦକର ଜୟନ୍ତୀ ପାଳନ ଉପଲକ୍ଷେ ଏକ ବିଶାଳ ଶୋଭାଯାତ୍ରା ଖଡ଼ିଆଳ ଅଗ୍ରେସନ ଭବନରୁ ବାହାରି ଆମ୍ବେଦକର ଛକଠାରେ ପହଁଞ୍ଚିଥିଲା। ଏହି ଅବସରରେ ଅଗ୍ରେସନ ଧର୍ମଶାଳାରେ ଏକ ସାଧାରଣ ସଭାରେ ଡକ୍ଟର ଆମ୍ବେଦକରଙ୍କର ଜୀବନୀ ଉପରେ ଆଲୋଚନା ହୋଇଥିଲା।

***Desk***

## ଓଡ଼ିଆ ପକ୍ଷ

ରାଜ୍ୟରେ ଏପ୍ରିଲ ପହିଲା ଉତ୍କଳ ଦିବସରୁ ଆରମ୍ଭ ହୋଇଥିବା ଓଡ଼ିଆ ପକ୍ଷ ଆଜି ଉଦ୍‌ଯାପିତ ହେଉଛି। ବ୍ଲକସ୍ତରରୁ ଆରମ୍ଭ କରି ରାଜ୍ୟସ୍ତର ପର୍ଯ୍ୟନ୍ତ ଭାଷା, ସାହିତ୍ୟ, ସଂସ୍କୃତି ଏବଂ ଐତିହ୍ୟକୁ ପ୍ରୋତ୍ସାହିତ କରିବା ପାଇଁ ଏହି ପକ୍ଷ ପାଳନର ଉଦ୍ଦେଶ୍ୟ ଥିଲା। ଓଡ଼ିଆ ପକ୍ଷ ପାଳନର ଅନ୍ତିମ ଦିବସରେ ଆଜି କେନ୍ଦ୍ରାପଡ଼ାଠାରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଓଡ଼ିଆ ନବବର୍ଷ ପାଳନ କରାଯାଇଛି। ଆୟୋଜିତ କାର୍ଯ୍ୟକ୍ରମରେ ମହିଳାମାନେ

ଯୋଗଦେଇ ଝୋଟି ଏବଂ ଚିତା ଅଙ୍କନ କରି ଓଡ଼ିଆ ପରମ୍ପରା ପ୍ରଦର୍ଶନ କରିଥିଲେ ।

ସୁବର୍ଣ୍ଣପୁରଠାରେ ଅତିରିକ୍ତ ଜିଲ୍ଲାପାଳ ଅଞ୍ଜଳିକା ପ୍ରଧାନଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଓଡ଼ିଆ ନବବର୍ଷ କାର୍ଯ୍ୟକ୍ରମରେ ଜିଲ୍ଲା ପଞ୍ଚାୟତ ଅଧିକାରୀ ଅର୍ଜୁନ ମାଝୀ, ଉପ ଜିଲ୍ଲାପାଳ ପ୍ରତୀକ କର ପ୍ରମୁଖ ଯୋଗଦେଇ ସୁବର୍ଣ୍ଣପୁର ଜିଲ୍ଲା ସହ ଏକ ବିକଶିତ ଓଡ଼ିଶା ଗଠନରେ ସମସ୍ତର ସହଯୋଗ କାମନା କରିଥିଲେ ।

***Sambalpur***

## କୃଷିମେଳା

ସମ୍ବଲପୁର ଜିଲ୍ଲା ସନାତନପାଲିଠାରେ ଲକ୍ଷ୍ନୌସ୍ଥିତ ଜାତୀୟ ଉଦ୍ଭିଦ ଗବେଷଣା ପ୍ରତିଷ୍ଠାନ ଦ୍ୱାରା ଆୟୋଜିତ ପୁଷ୍ପ କୃଷିମେଳାକୁ କେନ୍ଦ୍ର ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଉଦ୍‌ଘାଟନ କରିଛନ୍ତି । ସମ୍ବଲପୁର ଜିଲ୍ଲା ଏକ କୃଷି ଅଞ୍ଚଳ ହୋଇଥିବାରୁ ଏଠାକାର ଲୋକମାନେ ଏହା ଉପରେ ମୁଖ୍ୟତଃ ନିର୍ଭରଶୀଳ ବୋଲି ଶ୍ରୀ ପ୍ରଧାନ କହିଛନ୍ତି । ଶ୍ରୀ ପ୍ରଧାନ ସନାତନପାଲିଠାରେ ଏକ ମାର୍କେଟ ୟାର୍ଡର ମଧ୍ୟ ଶିଳାନ୍ୟାସ କରିଛନ୍ତି ।

***Desk***

## ବିଏଡ୍ ନାମଲେଖା

ଚଳିତ ଶିକ୍ଷା ବର୍ଷ ନିମନ୍ତେ ସ୍ନାତକୋତ୍ତର ଏବଂ ଦୁଇ ବର୍ଷିଆ ବି.ଏଡ୍./ ଏମ୍.ଏଡ୍/ ବି.ଏଚ୍.ଏଡ୍./ ପାଠ୍ୟକ୍ରମରେ ନାମଲେଖା ପ୍ରକ୍ରିୟାକୁ ଶୀଘ୍ର ଆରମ୍ଭ କରିବା ନିମନ୍ତେ ସରକାରଙ୍କ ପକ୍ଷରୁ ନିଷ୍ପତ୍ତି ନିଆଯାଇଛି । ସେହିପରି ୨୦୨୫-୨୬ ନିମନ୍ତେ ସ୍ନାତକ ଶ୍ରେଣୀ

ପାଠ୍ୟକ୍ରମରେ ନାମଲେଖା ପ୍ରକ୍ରିୟାକୁ ଆରମ୍ଭ କରିବା ପାଇଁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ନିଷ୍ପତ୍ତି ଗ୍ରହଣ କରାଯାଇଛି। ସ୍ନାତକ ପାଠ୍ୟକ୍ରମରେ ନାମଲେଖା ନିମନ୍ତେ ଆବେଦନକାରୀମାନଙ୍କ ପାଇଁ ଆସନ୍ତା ବୁଧବାର ୧୬ ତାରିଖରୁ କମନ୍ ଆପ୍ଲିକେସନ ଫର୍ମ ପୂରଣ ପ୍ରକ୍ରିୟା ଆରମ୍ଭ ହେବ। ଏହା ଜାତୀୟ ଶିକ୍ଷାନୀତି-୨୦୨୦ ଆଧାରରେ କରାଯିବ। ଏହି ନୀତି ଅନୁସାରେ ଛାତ୍ରଛାତ୍ରୀମାନେ ସାମ୍ସ ୱେବସାଇଟ୍ ମାଧମରେ ଆବେଦନ କରିପାରିବେ।

***Desk***

# ପାଣିପାଗ

ଚଳିତ ସପ୍ତାହ ଶେଷ ପର୍ଯ୍ୟନ୍ତ ରାଜ୍ୟରେ କାଳବୈଶାଖୀର ପ୍ରଭାବ ରହିବ ବୋଲି ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୁହାଯାଇଛି। ଆଜି ଏବଂ ଆସନ୍ତାକାଲି ରାଜ୍ୟର ଉପକୂଳ, ଦକ୍ଷିଣ ଓ ଆଭ୍ୟନ୍ତରୀଣ ଜିଲ୍ଲାଗୁଡ଼ିକର କେତେକ ସ୍ଥାନରେ ଝଡ଼ତୋଫାନ ଏବଂ ବର୍ଷାର ଅନୁମାନ କରାଯାଇଛି ।

ଆସନ୍ତା ୨୪ ଘଂଟା ମଧ୍ୟରେ ୧୯ଟି ଜିଲ୍ଲାରେ କାଳବୈଶାଖୀର ପ୍ରଭାବ ରହିବ। ବିଶେଷ କରି ବାଲେଶ୍ୱର, ଭଦ୍ରକ, କେନ୍ଦ୍ରାପଡ଼ା, କଟକ, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ଼, ଗଞ୍ଜାମ, ଗଜପତି, ମାଲକାନଗିରି, କଳାହାଣ୍ଡି, କନ୍ଧମାଳ, ମୟୂରଭଞ୍ଜ, କେନ୍ଦୁଝର ଜିଲ୍ଲାକୁ ପାଣିପାଗ ବିଭାଗ ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି।

*****